# ଆଜି ଅନୁଗୋଳ ଜିଲ୍ଲାରୁ ୧୦ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୨୨୨୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୬ ଜଣ ।

ଅନୁଗୋଳ, ତା. ୨୩.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୦ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୩୩ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୩ଜଣ ( ୩ଜଣ ପୁରୁଷ), ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ, କଣିହାଁ ବ୍ଲକ , ଛେଣ୍ଡିପଦା ବ୍ଲକ, ଅନୁଗୋଳ ବ୍ଲକ, ତାଳଚେର ପୌରାଞ୍ଚଳ, ପାଲଲହଡା ବ୍ଲକ ପ୍ରଭୃତି ୬ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୬ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୧ ତା.୨୩.୦୧.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୨୩/୧/୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ